## ଓଡ଼ିଶାରେ ଏସଆଇଆର:
## ମାତ୍ର ୧୦ ଦିନରେ ୨ କୋଟି ୭୦ ଲକ୍ଷ ରୁ ଅଧିକ ଭୋଟରଙ୍କୁ ଫର୍ମ ବଣ୍ଟନ ଶେଷ,

### ଆଜି ସୁଦ୍ଧା ୭୫%ରୁ ଅଧିକ ଫର୍ମ ବଣ୍ଟନ

ଭୁବନେଶ୍ୱର: ୦୮ ଜୁନ

ରାଜ୍ୟରେ ଚାଲିଥିବା ସ୍ପେଶାଲ ଇଣ୍ଟେନସିଭ୍ ରିଭିଜନ (ଏସ ଆଇ ଆର) ବା ସ୍ୱତନ୍ତ୍ର ସଘନ ସଂଶୋଧନ ପ୍ରକ୍ରିୟା ଏକ ପ୍ରଶଂସନୀୟ ମାଇଲଖୁଣ୍ଟ ହାସଲ କରିଛି। ମାତ୍ର ୧୦ ଦିନର ସ୍ୱଳ୍ପ ଅବଧି ମଧ୍ୟରେ ରାଜ୍ୟର ୨ କୋଟିରୁ ଅଧିକ ଭୋଟରଙ୍କ ପାଖରେ ଫର୍ମ ପହଞ୍ଚାଇବାରେ ନିର୍ବାଚନ ପ୍ରଶାସନ ସଫଳ ହୋଇଛି। ଆଜି ସୁଦ୍ଧା ରାଜ୍ୟର ସମୁଦାୟ ଭୋଟରଙ୍କ ମଧ୍ୟରୁ ୭୫ ପ୍ରତିଶତରୁ ଅଧିକଙ୍କୁ ଏହି ଫର୍ମ ବଣ୍ଟନ କାର୍ଯ୍ୟ ସମ୍ପୂର୍ଣ୍ଣ କରାଯାଇଛି।

ନିର୍ବାଚନ କମିଶନଙ୍କ ସୂଚନା ଅନୁଯାୟୀ, ଭୋଟର ସୂଚୀକୁ ଅଧିକ ସ୍ୱଚ୍ଛ, ସତେଜ ଏବଂ ତ୍ରୁଟିଶୂନ୍ୟ କରିବା ପାଇଁ ରାଜ୍ୟବ୍ୟାପୀ ଏହି ସ୍ୱତନ୍ତ୍ର ଅଭିଯାନ ଆରମ୍ଭ କରାଯାଇଛି। ଏହି ପ୍ରକ୍ରିୟାରେ ବିଏଲ୍ଓ ମାନେ ଘରକୁ ଘର ବୁଲି ଫର୍ମ ସଂଗ୍ରହ ଓ  ବଣ୍ଟନ କରୁଛନ୍ତି। ମାତ୍ର ୧୦ ଦିନ ଭିତରେ ୨ କୋଟି ୭୦ଲକ୍ଷ ରୁ ଅଧିକ ଭୋଟରଙ୍କ ନିକଟରେ ପହଞ୍ଚିବା ପ୍ରଶାସନିକ ତତ୍ପରତା ଓ ସମନ୍ୱୟର ଏକ ବଡ଼ ଉଦାହରଣ।

ମୁଖ୍ୟ ନିର୍ବାଚନ ଅଧିକାରୀଙ୍କ କାର୍ଯ୍ୟାଳୟ ସୂତ୍ରରୁ ମିଳିଥିବା ସୂଚନା ଅନୁଯାୟୀ"ଭୋଟରମାନଙ୍କ ମଧ୍ୟରେ ସଚେତନତା ଏବଂ ପ୍ରଶାସନିକ ଦଳର ନିଷ୍ଠା ଯୋଗୁଁ ଏତେ କମ୍ ସମୟ ମଧ୍ୟରେ ଏହି ସଫଳତା ମିଳିଛି।

ସମସ୍ତ ଯୋଗ୍ୟ ଭୋଟର ନିଜର ବିଏଲ୍ଓ ଙ୍କ ସହ ତୁରନ୍ତ ଯୋଗାଯୋଗ କରି ନିର୍ଦ୍ଧାରିତ ସମୟ ସୀମା ମଧ୍ୟରେ ସମସ୍ତ ତଥ୍ୟ ସହ ପରିଗଣନା ଫର୍ମ ଦାଖଲ କରି ଏହି ପ୍ରକ୍ରିୟାରେ ନିଜର ନାମ ଅନ୍ତର୍ଭୁକ୍ତ ସୁନିଶ୍ଚିତ କରିବାକୁ କୁହାଯାଇଛି।

ଭୋଟର ତାଲିକାରେ ନାମ ସାମିଲ, ସଂଶୋଧନ କିମ୍ବା ଏହି ସମ୍ପର୍କିତ ଯେକୌଣସି ଜନସାଧାରଣ ସୂଚନା ଓ ସହାୟତା ପାଇଁ ନିର୍ବାଚନ ବିଭାଗ ପକ୍ଷରୁ ଜାରି କରାଯାଇଥିବା ମାଗଣା ହେଲ୍ପଲାଇନ ନମ୍ବର ୧୯୫୦ କୁ କଲ୍ କରି ସବିଶେଷ ସୂଚନା ପାଇପାରିବେ।

ସାଧାରଣ ଲୋକଙ୍କ ସୁବିଧା ପାଇଁ କାର୍ଯ୍ୟାଳୟ ପକ୍ଷରୁ ସ୍ପଷ୍ଟ କରାଯାଇଛି ଯେ, ଭୋଟରମାନେ ଚାହିଁଲେ ବିଏଲ୍ଓଙ୍କ ପାଖକୁ ନଯାଇ ସିଧାସଳଖ ଅନଲାଇନ୍ ମାଧ୍ୟମରେ ମଧ୍ୟ ନିଜର ଫର୍ମ ଦାଖଲ କରିପାରିବେ।

ସମସ୍ତ ଯୋଗ୍ୟ ଭୋଟର ନିଜର ବିଏଲ୍ଓ ଙ୍କ ସହ ତୁରନ୍ତ ଯୋଗାଯୋଗ କରି ନିର୍ଦ୍ଧାରିତ ସମୟ ସୀମା ମଧ୍ୟରେ ସମସ୍ତ ତଥ୍ୟ ସହ ପରିଗଣନା ଫର୍ମ ଦାଖଲ କରି ଏହି ପ୍ରକ୍ରିୟାରେ ନିଜର ନାମ ଅନ୍ତର୍ଭୁକ୍ତ ସୁନିଶ୍ଚିତ କରିବାକୁ କୁହାଯାଇଛି।

ବିଜୟାନନ୍ଦ ମଲ୍ଲିକ
ଲୋକସମ୍ପର୍କ ଅଧିକାରୀ
ମୁଖ୍ୟ ନିର୍ବାଚନ ଅଧିକାରୀଙ୍କ କାର୍ଯ୍ୟାଳୟ, ଭୁବନେଶ୍ୱର